ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/AgFE(Od)/201/13-02-2024**

# କୃଷି ଓ କୃଷକ ସଶକ୍ତିକରଣ ବିଭାଗରେ ଉଲ୍ଲେଖନୀୟ କାର୍ଯ୍ୟ କରୁଥିବା କର୍ମଚାରୀଙ୍କୁ ପୁରସ୍କୃତ କରାଯିବ

ଭୁବନେଶ୍ୱର, ଫେବୃଆରୀ ୧୩, ୨୦୨୪

କୃଷି ଓ କୃଷକ ସଶକ୍ତିକରଣ ବିଭାଗରେ ଉଲ୍ଲେଖନୀୟ କାର୍ଯ୍ୟ ପ୍ରଦର୍ଶନ କରି ବିଭାଗ ପାଇଁ ସୁନାମ ଆଣିଥିବା କର୍ମଚାରୀଙ୍କୁ ପୁରସ୍କୃତ କରାଯିବା ପାଇଁ ନିଷ୍ପତ୍ତି ନିଆଯାଇଛି । ପ୍ରତି ମାସରେ ଉତ୍ତମ ପ୍ରଦର୍ଶନ ଆଧାରରେ କର୍ମଚାରୀମାନଙ୍କୁ ଚୟନପୂର୍ବକ ପ୍ରଶଂସାପତ୍ର ପ୍ରଦାନ ସହ ସାମାଜିକ ଗଣମାଧ୍ୟମ ଜରିଆରେ ସେମାନଙ୍କୁ ପ୍ରୋତ୍ସାହିତ କରାଯିବ । କର୍ମଚାରୀଙ୍କ ପ୍ରଦର୍ଶନର ଆଧାର କେବଳ ମାତ୍ର ବ୍ୟୟ ଧାର୍ଯ୍ୟ ଲକ୍ଷ୍ୟ ସମ୍ବନ୍ଧିତ ନହୋଇ ବିଭାଗ ଦ୍ୱାରା କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ଯୋଜନା ଓ ପ୍ରକଳ୍ପର ଗୁଣାତ୍ମକ ରୂପାୟନ ଦିଗରେ ସେମାନଙ୍କର ଉଲ୍ଲେଖନୀୟ ଅବଦାନକୁ ବିଚାରକୁ ନିଆଯିବ ବୋଲି କୃଷି ଓ କୃଷକ ସଶକ୍ତିକରଣ ବିଭାଗର ପ୍ରମୁଖ ଶାସନ ସଚିବ ଡ. ଅରବିନ୍ଦ କୁମାର ପାଢ଼ୀ କହିଛନ୍ତି ।

ଏହି ପରିପ୍ରେକ୍ଷୀରେ କୃଷି ଓ କୃଷକ ସଶକ୍ତିକରଣ ବିଭାଗ ଅନ୍ତର୍ଗତ ସମସ୍ତ ନିର୍ଦ୍ଦେଶାଳୟର ନିର୍ଦ୍ଦେଶକ ଓ ସରକାରୀ ଉଦ୍ୟୋଗର ପରିଚାଳନା ନିର୍ଦ୍ଦେଶକଙ୍କୁ ଉଲ୍ଲେଖନୀୟ ପ୍ରଦର୍ଶନ କରିଥିବା କର୍ମଚାରୀଙ୍କ ନାମତାଲିକା ପ୍ରତି ମାସ ୧୦ ତାରିଖ ସୁଦ୍ଧା ପଠାଇବା ପାଇଁ କୁହାଯାଇଛି ।

ତାପସ କୁମାର ସାହା
ସୂଚନା ଅଧିକାରୀ